# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**4 June– 2026**

---

## ସ୍ପେସ୍‌ଲ୍ୟାବ୍

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଦେଶବ୍ୟାପୀ ୭୫ଟି ମନୋନୀତ ଏକଲବ୍ୟ ମଡେଲ ଆବାସିକ ବିଦ୍ୟାଳୟରେ 'ମହାକାଶ ପ୍ରୟୋଗଶାଳା' ବା ସ୍ପେସ୍‌ଲ୍ୟାବ୍‌ର ଆଭାସୀ ଜରିଆରେ ଉଦ୍‌ଘାଟନ କରିଛନ୍ତି । ଏଥିରେ ରାଜ୍ୟର ୧୩ଟି ଏକଲବ୍ୟ ମଡେଲ ଆବାସିକ ବିଦ୍ୟାଳୟରେ ସ୍ପେସ୍‌ଲ୍ୟାବ୍ ପ୍ରତିଷ୍ଠା ପାଇଁ ନିଷ୍ପତ୍ତି ନିଆଯାଇଛି । କେନ୍ଦ୍ର ଜନଜାତି ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ ଓ ରାଷ୍ଟ୍ରମନ୍ତ୍ରୀ ଦୁର୍ଗାଦାସ ଉିକେଙ୍କ ଉପସ୍ଥିତିରେ ସ୍ପେସ୍‌ଲ୍ୟାବ୍ ଗୁଡ଼ିକର ଶୁଭାରମ୍ଭ କରାଯାଇଛି । ଆଦିବାସୀ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଜ୍ଞାନ ଶିକ୍ଷାକୁ ଲୋକାଭିମୁଖୀ କରିବା ପାଇଁ ଏହି ପଦକ୍ଷେପ ଗ୍ରହଣ କରାଯାଇଥିବା ସୂଚନା ମିଳିଛି ।

---

## କ୍ୟାବିନେଟ୍-ଜାତୀୟ ରାଜପଥ

କେନ୍ଦ୍ର କ୍ୟାବିନେଟ୍ ବୈଠକରେ ଓଡ଼ିଶାରେ ପ୍ରଥମ ପର୍ଯ୍ୟାୟରେ ରାମେଶ୍ୱରଠାରୁ କୋଣାର୍କ ଦେଇ ପାରାଦ୍ୱୀପ ପର୍ଯ୍ୟନ୍ତ ଉପକୂଳ ରାଜପଥ ନିର୍ମାଣ ପାଇଁ ମଞ୍ଜୁରୀ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି, ଏହାଦ୍ୱାରା ଖୋର୍ଦ୍ଧା, ପୁରୀ, କେନ୍ଦ୍ରାପଡ଼ା ଏବଂ ଜଗତ୍‌ସିଂହପୁର ଜିଲ୍ଲାର ଯୋଗାଯୋଗରେ ଉନ୍ନତି ଆସିବା ସହ ଯାତ୍ରା ସମୟ ଯଥେଷ୍ଟ ହ୍ରାସ ପାଇବ । ଏହି ଆଧୁନିକ ପ୍ରକଳ୍ପ ପର୍ଯ୍ୟଟନ ଓ ଆର୍ଥିକ

କାର୍ଯ୍ୟକଳାପକୁ ତ୍ୱରାନ୍ୱିତ କରିବ ତଥା ଯାତ୍ରୀ ଓ ମାଲ୍ ପରିବହନ ପାଇଁ ସୁରକ୍ଷିତ - ସୁଗମ ସଡ଼କ ସଂଯୋଗ ପ୍ରଦାନ କରିବ । ଏହା ମାଧ୍ୟମରେ ଉପକୂଳ ଅଞ୍ଚଳର ବିକାଶ ହେବ ବୋଲି ଶ୍ରୀ ମୋଦୀ ଉଲ୍ଲେଖ କରିଛନ୍ତି । ମୁଖ୍ୟମନ୍ତ୍ରୀ ମୋନହ ଚରଣ ମାଝୀ ରାଜପଥ ପ୍ରକଳ୍ପର ଅନୁମୋଦନ ଲାଗି ପ୍ରଧାନମନ୍ତ୍ରୀଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି । ଶ୍ରୀ ମାଝୀ ସମୃଦ୍ଧ ଓଡ଼ିଶା ସଂକଳ୍ପକୁ ସାକାର କରିବାରେ ଏହି ପ୍ରକଳ୍ପ ମାଇଲଖୁଣ୍ଟ ସାବ୍ୟସ୍ତ ହେବ ବୋଲି ଉଲ୍ଲେଖ କରିଛନ୍ତି ।

## ବ୍ରିକ୍ସ ସମ୍ମିଳନୀ

ବିପର୍ଯ୍ୟୟ ପରିଚାଳନା ବିପଦ ହ୍ରାସ ନେଇ **ପୁରୀ**ରେ ବ୍ରିକ୍ସ ରାଷ୍ଟ୍ରସମୂହର ଦ୍ୱିତୀୟ ବୈଷୟିକ କାର୍ଯ୍ୟଗୋଷ୍ଠୀ ବୈଠକକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଉଦ୍‌ଘାଟନ କରିବେ । ଆସନ୍ତାକାଲି ପର୍ଯ୍ୟନ୍ତ ଚାଲିବାକୁ ଥିବା ବୈଠକରେ ସମୁଦାୟ ଭିତ୍ତିକ ବିପର୍ଯ୍ୟୟ ବିପଦ ହ୍ରାସ, ପରିଚାଳନା ପାଇଁ ଅର୍ଥବ୍ୟବସ୍ଥା, ବହୁମୁଖୀ ପୂର୍ବ ସତର୍କତା ବ୍ୟବସ୍ଥା, ସ୍ଥିର ଭିତ୍ତିଭୂମି, ବିଜ୍ଞାନ, ପ୍ରଯୁକ୍ତିବିଦ୍ୟାର ବ୍ୟବହାର ସମ୍ପର୍କରେ ଆଲୋଚନା ହେଉଛି ।

# ପିପିଲି-ଚାନ୍ଦୁଆ ହସ୍ତଶିଳ୍ପ

ମୁଖ୍ୟମନ୍ତ୍ରୀ ଆଜି ପୁରୀ ଜିଲ୍ଲା ପିପିଲିରେ ଚାନ୍ଦୁଆ ହସ୍ତଶିଳ୍ପ ହବ୍‌ର ଭିତ୍ତିପ୍ରସ୍ତର ସ୍ଥାପନ କରିବେ । କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା ଏବଂ ସମବାୟ, ହସ୍ତତନ୍ତ ଓ ବୟନଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ମଧ୍ୟ ଉପସ୍ଥିତ ରହିବେ ।

# ଏସ୍‌ଆଇଆର୍‌

ରାଜ୍ୟରେ ମତଦାତା ସୂଚୀକୁ ଅଧିକ ସ୍ୱଚ୍ଛ, ସଂଶୋଧିତ ଓ ତ୍ରୁଟିଶୂନ୍ୟ କରିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଜାରି ରହିଥିବା ସ୍ୱତନ୍ତ୍ର ସଘନ ସଂଶୋଧନ - ଏସ୍‌ଆଇଆର୍‌ କାର୍ଯ୍ୟକ୍ରମରେ ଗତକାଲି ସୁଦ୍ଧା ୭୧ଲକ୍ଷ ୬୯ହଜାର ୫୬୩ଜଣ ଭୋଟରଙ୍କୁ ପରିଗଣନା ଫର୍ମ ବଣ୍ଟନ କରାଯାଇଛି । ଏହି କାର୍ଯ୍ୟରେ ୪୫ହଜାର ୨୫୫ଜଣ ବୁଥ୍‌ସ୍ତରୀୟ ଅଧିକାରୀ - ବିଏଲ୍‌ଓ ନିୟୋଜିତ ଅଛନ୍ତି । ଘରକୁଘର ପରିଗଣନା ସମୟରେ ପ୍ରତ୍ୟେକ ଭୋଟରଙ୍କୁ ୨ଟି ଲେଖାଏଁ ପୂର୍ବମୁଦ୍ରିତ ପରିଗଣନା ଫର୍ମ ଯୋଗାଇ ଦିଆଯାଉଛି ।

# ଶିକ୍ଷାନୁଷ୍ଠାନ - ନାମଲେଖା

ରାଜ୍ୟରେ ଥିବା ଶିକ୍ଷାନୁଷ୍ଠାନ ଗୁଡ଼ିକରେ ନାମଲେଖା ପାଇଁ ଆବେଦନ କରାଯାଇଥିବା ବିବିଧ ଓ ଜାତି ପ୍ରମାଣପତ୍ର ତ୍ୱରିତ ପ୍ରଦାନ ସମ୍ପର୍କରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡକ୍ଟର ଅରବିନ୍ଦ ପାଢ଼ୀ ସମସ୍ତ ଜିଲ୍ଲାପାଳଙ୍କୁ ଚିଠି ଲେଖିଛନ୍ତି । ଏହି ଆବେଦନ ଗୁଡ଼ିକର ନିଷ୍ପତ୍ତି ପ୍ରକ୍ରିୟା ଓଡ଼ିଶା ଜନସେବା ଅଧିକାର ଆଇନ୍‌ ୨୦୧୨ ଅଧୀନରେ ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ପ୍ରଦାନ କରାଯିବାକୁ କୁହାଯାଇଛି ।

## ଇଗ୍ନୋ ନାମଲେଖା

ଇନ୍ଦିରା ଗାନ୍ଧୀ ରାଷ୍ଟ୍ରୀୟ ମୁକ୍ତ ବିଶ୍ୱବିଦ୍ୟାଳୟ ଇଗ୍ନୋରେ ଜୁଲାଇ ୨୦୨୬ ଶିକ୍ଷାବର୍ଷ ପାଇଁ ନାମଲେଖା ଓ ପୁନଃ ପଞ୍ଜିକରଣ ପ୍ରକ୍ରିୟା ଆରମ୍ଭ ହୋଇଛି । ଜୁଲାଇ ୧୫ ତାରିଖ ପର୍ଯ୍ୟନ୍ତ ଏହି ପ୍ରକ୍ରିୟା ଜାରି ରହିବ । ବିଭିନ୍ନ ବିଭାଗରେ ନାମଲେଖା ପାଇଁ ଇଚ୍ଛୁକ ବିଦ୍ୟାର୍ଥୀ ଇଗ୍ନୋର ୱେବ୍‌ସାଇଟ୍ **ignouadmission.samarth.edu.in** ରେ ଆଡ୍‌ମିଶନ କରିପାରିବେ ।

---

## ସଚେନତତା କାର୍ଯ୍ୟକ୍ରମ

ଓଡ଼ିଶା ରାଜ୍ୟ ଆଇନ୍‌ସେବା ପ୍ରାଧିକରଣ ଓ ଭଦ୍ରକ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ପକ୍ଷରୁ ଏକ ସଚେତନତା କାର୍ଯ୍ୟକ୍ରମ ଏରେଇଁ ପରସିଂଘା ଗ୍ରାମପଞ୍ଚାୟତ ସଭାଗୃହଠାରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ପ୍ରବାସୀ ଶ୍ରମିକ ମାନଙ୍କର ବିଭିନ୍ନ ସମସ୍ୟା, ମୌଳିକ କର୍ତ୍ତବ୍ୟ ସମ୍ବନ୍ଧୀୟ ସଚେତନତା କାର୍ଯ୍ୟକ୍ରମ ଏବଂ ଲୋକ ଅଦାଲତରେ ମଧ୍ୟସ୍ଥତା ବିଷୟରେ ଆଲୋଚନା ହୋଇଥିଲା ।

---

## ଠାକୁରାଣୀ ଯାତ୍ରା

ଗଞ୍ଜାମ ଜିଲ୍ଲା ଛତ୍ରପୁରର ଅଧିଷ୍ଠାତ୍ରୀଦେବୀ ମା’ ରାମାୟାଣାମ୍ମାଙ୍କ ଠାକୁରାଣୀ ଯାତ୍ରା ସହିତ ସ୍ଥାନୀୟ କଳା, ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ କରିବା ଲକ୍ଷ୍ୟରେ ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ଛତ୍ରପୁର ମହୋତ୍ସବ

ଜାରି ରହିଛି । ପ୍ରତିଦିନ ସଂଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମମାନ ଅନୁଷ୍ଠିତ ହେଉଛି ।

## କବାଡି ପ୍ରତିଯୋଗିତା

ସମ୍ବଲପୁରଠାରେ ଆଜିଠାରୁ ସର୍ବଭାରତୀୟ କବାଡି ପ୍ରତିଯୋଗିତା ଅନୁଷ୍ଠିତ ହେବ । ଏଥିରେ ଦେଶର ୧୦ଟି ଦଳ ଭାଗ ନେବେ ବୋଲି ଆୟୋଜକ କମିଟି ସଭାପତି ବିଧାୟକ ଜୟନାରାୟଣ ମିଶ୍ର ସୂଚନା ଦେଇଛନ୍ତି । ଆସନ୍ତା ୬ ତାରିଖରେ ମୁଖ୍ୟମନ୍ତ୍ରୀ ଏହି ପ୍ରତିଯୋଗିତା ଦେଖିବାର କାର୍ଯ୍ୟସୂଚୀ ରହିଛି ବୋଲି ଆୟୋଜକ କମିଟି ପକ୍ଷରୁ କୁହାଯାଇଛି ।

## ସିଏମ୍ କପ୍

ବ୍ରହ୍ମପୁର ଜୋନ୍‌ରେ ଅନୁଷ୍ଠିତ ଆନ୍ତଃଜିଲ୍ଲା ସିଏମ୍ କପ୍ ଫୁଟବଲ ପ୍ରତିଯୋଗିତାର ୧୪ବର୍ଷ ବାଳିକା ବର୍ଗରେ ଗଞ୍ଜାମ ଜିଲ୍ଲା କୋରାପୁଟକୁ ହରାଇ ବିଜୟୀ ହୋଇଛି । ଦ୍ୱିତୀୟ ମ୍ୟାଚ୍ ବାଳିକା ବର୍ଗରେ ନବରଙ୍ଗପୁର ବାଳିକା ଦଳ ୫-୦ ଗୋଲ୍‌ରେ ମାଲକାନଗିରି ବାଳିକା ଦଳକୁ ପରାସ୍ତ କରିଛି ।

## ପାଣିପାଗ

ଦକ୍ଷିଣ-ପଶ୍ଚିମ ମୌସୁମୀବାୟୁ ଆଜି କେରଳମ୍ ସ୍ପର୍ଶ କରିବାର ସମ୍ଭାବନା ରହିଛି । ପାଣିପାଗ ବିଭାଗର ସୂଚନା ଅନୁସାରେ  ଦକ୍ଷିଣପଶ୍ଚିମ ମୌସୁମୀବାୟୁ ଅଗ୍ରସର ହେବା ନେଇ ପାଗ ଅନୁକୂଳ ରହିଛି । ଅପରପକ୍ଷରେ ରାଜ୍ୟରେ କାଳବୈଶାଖୀଜନିତ ବର୍ଷାର ପ୍ରଭାବରେ

ତାପମାତ୍ରା ହ୍ରାସ ପାଇଛି । ତେବେ ଗରମ ଓ ଗୁଳଗୁଳି ଲାଗିରହିଛି । ଗତକାଲି ୧୦ଟି ସ୍ଥାନର ତାପମାତ୍ରା ୪୦ ଡିଗ୍ରୀ ଉପରେ ରହିଥିବାବେଳେ ଟିଟିଲାଗଡଠାରେ ସର୍ବୋଚ୍ଚ ତାପମାତ୍ରା ୪୨ ଡିଗ୍ରୀ ସେଲସିୟସ ରେକର୍ଡ ହୋଇଥିଲା ।

..........................................................................